ଗ୍ରାମୀଣ କୃଷି ମୌସମ ସେବା
ଭାରତୀୟ ପାଣିପାଗ ବିଭାଗ
ଓଡିଶା କୃଷି ଓ ବୈଷୟିକ ବିଶ୍ୱ ବିଦ୍ୟାଳୟ
ଆଞ୍ଚଳିକ ଗବେଷଣା ଓ ପ୍ରଯୁକ୍ତି ବିଦ୍ୟା ପ୍ରସାରଣ କେନ୍ଦ୍ର , ଭବାନୀପାଟଣା, କଳାହାଣ୍ଡି

ପତ୍ର ସଂ –୦୭/୨୦୨୪ | ସପ୍ତାହ- ୦୪ | ବୁଧବାର, ତାରିଖ ୨୪.୦୧.୨୦୨୪

## ନୂଆପଡ଼ା ଜିଲ୍ଲା ପାଇଁ ପାଣିପାଗ ପୂର୍ବାନୁମାନ – ୨୫.୦୧.୨୦୨୪ ରୁ ୨୯.୦୧.୨୦୨୪ ପର୍ଯ୍ୟନ୍ତ:

ଭାରତୀୟ ପାଣିପାଗ ବିଭାଗର ଆକଳନ ଅନୁସାରେ ପାଗ ମୁଖ୍ୟତଃ ଶୁଖିଲା ରହିବା ସହିତ ପରବର୍ତୀ ଦିନରେ ସ୍ଵଳ୍ପ ବର୍ଷା ହେବାର ସମ୍ଭାବନା ଅଛି । ଏହି ସମୟରେ ଆକାଶ ମୁଖ୍ୟତଃ ମେଘଶୁନ୍ୟ ରୁ ମେଘୁଆ ରହିବା ସହିତ ଉକ୍ତ ସମୟ ମଧରେ ପବନ ମୁଖ୍ୟତଃ ପୂର୍ବ ରୁ ଦକ୍ଷିଣ ପୂର୍ବ ଦିଗ ଆଡୁ ଘଣ୍ଟା ପ୍ରତି ୦୦୩ - ୦୦୬ କି.ମି. ବେଗରେ ବହିବାର ଆଶଙ୍କା ଅଛି। ଏହି ସମୟରେ ଦିନ ର ସର୍ବାଧିକ ତାପମାତ୍ରା ୨୪ - ୨୯ ଡିଗ୍ରୀ ସେ. ଓ ସର୍ବନିମ୍ନ ତାପମାତ୍ରା ୧୩ – ୧୪ ଡିଗ୍ରୀ ସେ. ଏବଂ ସର୍ବାଧିକ ଓ ସର୍ବନିମ୍ନ ଆପେକ୍ଷିକ ଆଦ୍ରତା ଯଥାକ୍ରମେ ୪୬ – ୯୭ % ଓ ୨୪ – ୬୫ % ରହିବ ବୋଲି ଆଶା କରାଯାଏ ।

| ଜିଲ୍ଲା | ତାରିଖ | ବର୍ଷା ପରିମାଣ (ମି.ମି.) | ସର୍ବାଧିକ ତାପମାତ୍ରା ($^0$ସେ.) | ସର୍ବନିମ୍ନ ତାପମାତ୍ରା ($^0$ସେ.) | ଆକାଶରେ ମେଘର ପରିମାଣ (ଅକଟା) | ସର୍ବାଧିକ ଆପେକ୍ଷିକ ଅଦ୍ରତା (%) | ସର୍ବନିମ୍ନ ଆପେକ୍ଷିକ ଅଦ୍ରତା (%) | ପବନର ବେଗ (କି.ମି. ପ୍ରତି ଘଣ୍ଟା ) | ପବନର ଦିଗ (ଡିଗ୍ରୀ) |
|---|---|---|---|---|---|---|---|---|---|
| ନୂଆପଡ଼ା | ୨୫ -୦୧-୨୦୨୪ | ୫ | ୨୪ | ୧୪ | ୮ | ୯୭ | ୬୫ | ୫ | ୬୮ |
| | ୨୬ -୦୧-୨୦୨୪ | ୦ | ୨୬ | ୧୪ | ୪ | ୬୮ | ୪୭ | ୬ | ୬୮ |
| | ୨୭ -୦୧-୨୦୨୪ | ୦ | ୨୯ | ୧୩ | ୨ | ୪୮ | ୨୯ | ୪ | ୧୨୦ |
| | ୨୮ -୦୧-୨୦୨୪ | ୦ | ୨୯ | ୧୩ | ୧ | ୪୮ | ୨୪ | ୪ | ୧୧୨ |
| | ୨୯ -୦୧-୨୦୨୪ | ୦ | ୨୯ | ୧୩ | ୧ | ୪୬ | ୨୪ | ୩ | ୧୨୪ |

ଅଧିକ ସୂଚନା ପାଇଁ ଭାରତୀୟ ପାଣିପାଗ ବିଭାଗ, ଭୁବନେଶ୍ବର ସହିତ ଯୋଗାଯୋଗ କରନ୍ତୁ ଫୋନ.#୦୬୭୪ - ୨୫୯୬୧୧୬

## ପାଣିପାଗ ଭିତ୍ତିକ କୃଷି ଉପଦେଶ

- ବର୍ତମାନ ସମୟରେ ଛିଡ଼ା ହେଇଥିବା ଫସଲ ଯଥା ମକା, ଚିନାବାଦାମ, ମୁଗ, ବୁଟ ଓ ପନିପରିବାରେ ଘାସ ନିୟନ୍ତ୍ରଣ ପାଇଁ ମାଟି ଖୋଳି ଘାସ ବାଛି ଦିଅନ୍ତୁ ।
- ଫସଲର ଅଭିବୃଦ୍ଧି ପର୍ଯ୍ୟାୟ ଅନୁଯାୟୀ ସନ୍ତୁଳିତ ଏବଂ ଅନୁମୋଦିତ ସାର ବ୍ୟବହାର କରନ୍ତୁ।
- ଫସଲରେ ରୋଗ ଓ ପୋକ ର ଉପସ୍ଥିତି କୁ ନିୟମିତ ଯାଞ୍ଚ କରନ୍ତୁ **ଏବଂ** କୀଟ ସଂଖ୍ୟା ଉପରେ ନଜର ରଖିବା ପାଇଁ ଆଲୋକ ଯନ୍ତା ବ୍ୟବହାର କରନ୍ତୁ ଯାହାଦ୍ବାରା ଠିକ୍ ସମୟରେ ନିୟନ୍ତ୍ରଣ ଜନିତ ପଦକ୍ଷେପ ନିଆ ଯାଇପାରିବ ।
- ଆଲୋକ ଯନ୍ତା ତିଆରି କରିବା ପାଇଁ, ଏକ ଟିଣ କିମ୍ବା ପ୍ଲାଷ୍ଟିକ ପାତ୍ର ଉପରେ ଇଲେକ୍ଟ୍ରି ବଲ୍ବ ଖଞ୍ଜି ପାତ୍ର ଭିତରେ ପାଣି ଓ କିଛି ବୁନ୍ଦା କୀଟନାଶକ ମିଶ୍ରଣକୁ ରଖନ୍ତୁ। ଏହାଦ୍ବାରା କୀଟପତଙ୍ଗ ଆଲୋକ ପ୍ରତି ଆକର୍ଷିତ ହେବେ ଏବଂ ପାତ୍ରରେ ଥିବା ପାଣିରେ ପଡ଼ି ମରିଯିବେ ।
- ପନିପରିବା ଫସଲରେ ଅଙ୍ଗୀୟ ଅବସ୍ଥା ସମୟରେ ଧଳାମାଛି, ଜଉ, ପତ୍ର ଡିଆଁ ପୋକ ର ନିୟନ୍ତ୍ରଣ ପାଇଁ ଏକର ପ୍ରତି ୮ ଟି ଅଠା ଲାଗିଥିବା ହଳଦିଆ ରଙ୍ଗର ଯନ୍ତା ଓ ଉକୁଣିଆ ପୋକ ପାଇଁ ନୀଳ ରଙ୍ଗର ଯନ୍ତା ବ୍ୟବହାର କରନ୍ତୁ ।
- ଭୂତାଣୁ ଦ୍ବାରା ସଂକ୍ରମିତ ପନିପରିବା ଗଛ ଗୁଡ଼ିକୁ ଅପାଡ଼ି ମାଟି ତଳେ ପୋତି ଦିଅନ୍ତୁ। ଏହା କରିବା ପରେ ଯଦି ସଂକ୍ରମଣ ନିୟନ୍ତ୍ରଣ ନ ହୁଏ ତେବେ ରୋଗ ବାହକର ନିୟନ୍ତ୍ରଣ ପାଇଁ ପ୍ରତି ୩ ଲିଟର ପାଣିରେ ୧ ମି.ଲି ଇମିଡାକ୍ଲୋପ୍ରିଡ କୁ ମିଶାଇ ସିଞ୍ଚନ କରନ୍ତୁ।
- ବାଇଗଣ, ଫୁଲକୋବି, ବନ୍ଧାକୋବି, ଟମାଟୋ ଆଦି ପନିପରିବା ରେ ଫଳବିନ୍ଧା ପୋକର ନିୟନ୍ତ୍ରଣ ପାଇଁ ଏକର ପିଛା ୩ ରୁ ୪ ଟି ଫେରୋମୋନ୍ ଟ୍ରାପ ବ୍ୟବହାର କରନ୍ତୁ ।

### ଡାଲୁଅ ଧାନ :

- ରୁଆ କାର୍ଯ୍ୟ ପାଇଁ ମୁଖ୍ୟ ଜମିକୁ ପ୍ରସ୍ତୁତ କରିଦିଅନ୍ତୁ । ଶେଷଥର କାଦୁଅ କରିବା ସମୟରେ ମୂଳସାର ଭାବେ ଏକର ପିଛା ଡି.ଏ.ପି ୪୪ କି.ଗ୍ରା ଓ ୨୨ କି.ଗ୍ରା. ଏମ.ଓ.ପି ପ୍ରୟୋଗ କରନ୍ତୁ।
- ୩ ରୁ ୪ ସପ୍ତାହ ହେଇଥିବା ତଳିକୁ ବୁଦାପ୍ରତି ୩-୪ ଟି ହିସାବରେ ଧାଡ଼ି କୁ ଧାଡ଼ି ଏବଂ ବୁଦା କୁ ବୁଦା ୧୫ ସେ.ମି ବ୍ୟବଧାନରେ ସିଧାଭାବରେ ଓ ଅଳ୍ପ ଗଭୀରରେ ରୋପଣ କରନ୍ତୁ।
- ପତ୍ରପୋଡ଼ା ରୋଗ ପ୍ରାଦୁର୍ଭାବ ଅଞ୍ଚଳରେ ତଳି ମୂଳକୁ ୦.୧% ପ୍ଲାନଟୋମାଇସିନ ଦ୍ରବଣରେ (୧ଗ୍ରାମ ପ୍ରତି ୧ ଲିଟର ପାଣି ହିସାବରେ ) ୩୦ ମିନିଟ ପର୍ଯ୍ୟନ୍ତ ବୁଡ଼ାଇ ରୋପଣ କରନ୍ତୁ।
- ମୁଖ୍ୟ ଜମିରେ ଘାସ ନିୟନ୍ତ୍ରଣ ପାଇଁ ବେନସଲଫ୍ୟୁରାନ ମିଥାଇଲ ଓ ପ୍ରିଟିଲାକ୍ଲୋର ର ମିଶ୍ରଣକୁ ଏକର ପିଛା ୪ କି.ଗ୍ରା. ହିସାବରେ ସମାନ ପରିମାଣର ବାଲି ସହିତ ମିଶାଇ ରୋଇବାର ୫ ରୁ ୧୦ ଦିନ ମଧରେ ପ୍ରୟୋଗ କରନ୍ତୁ ନଚେତ ରୋଇବାର ୩ ରୁ ୫ ଦିନ ମଧରେ ୫ ଗ୍ରାମ ପାଇରାଜୋସଲଫ୍ୟୁରାନ ଇଥାଇଲ ୧୦% ଡବ୍ଲୁ.ପି କୁ ପ୍ରତି ୧୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ ।

**ତଳିଘରାରେ ରୋଗ ଓ ପୋକ ପରିଚାଳନା:**

- **କାଣ୍ଡବିନ୍ଧା ପୋକ:** ନିରୀକ୍ଷଣ ପାଇଁ ପ୍ରତି ୨୦୦ ବର୍ଗ ମିଟର ତଳିଘରା ପିଛା ୩ ଟି ଫେରୋମୋନ ଟ୍ରାପ ଲଗାନ୍ତୁ। ଯଦି ପୁରୁଷ ପ୍ରଜାପତିର ସଂଖ୍ୟା ଗୋଟିଏ ଦିନରେ ଯନ୍ତା ପ୍ରତି ୪ ରୁ ୫ ହେଇଯିବ ତେବେ ଏକର ପିଛା କାର୍ଟାପ୍ ହାଇଡ୍ରୋକ୍ଲୋରାଇଡ ୪ଜି ୧୦ କି.ଗ୍ରା. କୁ ୧:୧ ସମାନ ପରିମାଣର ବାଲି ସହିତ ମିଶାଇ ପ୍ରୟୋଗ କରନ୍ତୁ ନଚେତ କ୍ଲୋରାନଟ୍ରାନିଲିପ୍ରୋଲ ୧୮.୫%ଏସ. ସି. କୁ ପ୍ରତି ୧୦ ଲିଟର ପାଣିରେ ୩ ମିଲିଗ୍ରାମ ହିସାବରେ ମିଶ୍ରଣ କରି ସିଞ୍ଚନ କରନ୍ତୁ।
- **ମହିଷା ରୋଗ:** ତଳିଘରାରେ ମହିଷା ରୋଗର ଲକ୍ଷଣ ଦେଖାଦେଲେ ପ୍ରତି ୧୦ ଲିଟର ପାଣିରେ ୪ ଗ୍ରାମ ଟେବୁକୋନାଜୋଲ ୫୦% ସହିତ ଟ୍ରାଇଫ୍ଲୋକ୍ସିଷ୍ଟ୍ରୋବିନ ୨୫% ଡବ୍ଲୁ ଜି କିମ୍ବା ୧୫ ମିଲିଗ୍ରାମ ଆଇସୋପ୍ରୋଥିଓଲେନ ୪୦ ଇ.ସି କୁ ମିଶ୍ରଣ କରି ସିଞ୍ଚନ କରନ୍ତୁ ।
- **ପତ୍ରପୋଡ଼ା ରୋଗ:** ତଳିଘରା ରେ ପତ୍ରପୋଡ଼ା ରୋଗ ଦେଖାଦେଲେ ପ୍ରତି ଏକ ଲିଟର ପାଣିରେ ୨ ଗ୍ରାମ କାରବେନଡାଜିମ ୫୦% ଡବ୍ଲୁ.ପି କୁ ମିଶ୍ରଣ କରି ସିଞ୍ଚନ କରନ୍ତୁ।

**ଚିନାବାଦାମ:**

- **ଘାସ ପରିଚାଳନା:** ସଅଳ ଗଜା ପରବର୍ତୀ ଘାସମରା ଔଷଧ ଭାବରେ ବିହନ ବୁଣିବାର ୧୫ ଦିନ ମଧ୍ୟରେ ୧୦ ଲିଟର ପାଣିରେ ୩ ମିଲିଗ୍ରାମ ହିସାବରେ ଇମାଯେଥାପିର ୧୦% ଏସ.ଏଲ କୁ ମିଶ୍ରଣ କରି ସିଞ୍ଚନ କରନ୍ତୁ କିମ୍ବା ବୁଣିବାର ୧୫ ରୁ ୨୦ ଦିନ ମଧ୍ୟରେ ୫ ମି.ଲି. ଫେନୋକ୍ସାପ୍ରୋପ୍-ପି-ଇଥାଇଲ ୯.୩% ଇ.ସି. କୁ ୧୨ ଲିଟର ପାଣିରେ ମିଶ୍ରଣ କରି ସିଞ୍ଚନ କରନ୍ତୁ।

**ରୋଗ ପରିଚାଳନା:**

- **କାଣ୍ଡ ଓ ଗଳା ସଢ଼ା:** ନିୟନ୍ତ୍ରଣ ପାଇଁ ପ୍ରତି ଏକ ଲିଟର ପାଣିରେ ୨ ଗ୍ରାମ୍ ମେଟାଲାକ୍ସିଲ ୮% + ମାଙ୍କୋଜେବ ୬୪% ଡବ୍ଲୁ.ପି କିମ୍ବା ୧.୫ ଗ୍ରାମ୍ କାରବେନଡାଜିମ୍ ୫୦% ଡବ୍ଲୁ.ପି କିମ୍ବା ୨ ମି.ଲି. ଭେଲିଡାମାଇସିନ କୁ ଭଲଭାବରେ ମିଶ୍ରଣ କରି ଗଛର ମୂଳ ଭାଗରେ ସିଞ୍ଚନ କରନ୍ତୁ।

**ମକା :**

- **ଘାସ ପରିଚାଳନା:** ମକା ବୁଣିବାର ୨୦ରୁ ୨୫ ଦିନ ହେଇଯାଇଥିଲେ ଘାସ ବଛା ଓ ହୁଡ଼ା ଟେକା କାମ ସାରିଦିଅନ୍ତୁ ।
- **ସାର ପରିଚାଳନା:** ମଞ୍ଜି ବୁଣିବାର ୩୫ ରୁ ୪୦ ଦିନ ହେଇଯାଇଥିଲେ ପ୍ରଥମ କିସ୍ତି ସାର ଭାବରେ ଏକର ପିଛା ୨୫-୩୦ କିଲୋଗ୍ରାମ ୟୁରିଆ ସାର ପ୍ରୟୋଗ କରନ୍ତୁ ।

**କୀଟ ପରିଚାଳନା:**

- **ଜଉ ଓଉକୁଣିଆ ପୋକ:** ପ୍ରତିକାର ଲାଗି ପ୍ରତି ପାଞ୍ଚ ଲିଟର ପାଣିରେ ୧ ଗ୍ରା. ଥିଓମେଥୋକ୍ସମ୍ ୨୫ ଡବ୍ଲୁ.ଜି କିମ୍ବା ୧.୫ ମି.ଲି. ଇମିଡାକ୍ଲୋପ୍ରିଡ ୧୭.୮% ଏସ.ଏଲ. କୁ ମିଶ୍ରଣ କରି ସିଂଚନ କରନ୍ତୁ।
- **କାଣ୍ଡବିନ୍ଧା ପୋକ:** ନିୟନ୍ତ୍ରଣ ପାଇଁ ପ୍ରତି ଏକ ଲିଟର ପାଣିରେ ୨ ମି.ଲି. ହିସାବରେ ଫିପ୍ରୋନିଲ ୫% ଏସ.ସି. କିମ୍ବା ପ୍ରୋପେନୋଫୋସ ୫୦% ଇ.ସି. କୁ ମିଶାଇ ସିଂଚନ କରନ୍ତୁ।
- **ଫଲ ଆର୍ମି ୱର୍ମ:** ଏହି କୀଟର ନିୟନ୍ତ୍ରଣ ନିମନ୍ତେ ପ୍ରତି ପାଞ୍ଚ ଲିଟର ପାଣିରେ ୨ ଗ୍ରା. ଇମାମେକଟିନ୍ ବେନଜୋଏଟ୍ କୁ ମିଶାଇ ସିଂଚନ କରନ୍ତୁ ।

**ମୁଗ ଓ ବିରି :**

- **ଘାସ ପରିଚାଳନା:** ସଅଳ ଗଜା ପରବର୍ତୀ ଘାସମରା ଔଷଧ ଭାବରେ ବିହନ ବୁଣିବାର ୧୫ ରୁ ୨୦ ଦିନ ମଧ୍ୟରେ ୧୦ ଲିଟର ପାଣିରେ ୩ ମିଲିଗ୍ରାମ ହିସାବରେ ଇମାଯେଥାପିର ୧୦% ଏସ.ଏଲ କିମ୍ବା ୧ ମି.ଲି ଇମାଯେଥାପିର ୩୫% + ଇମଜାମୋକ୍ସ ୩୫% ଏସ.ଏଲ କୁ ପ୍ରତି ୫ ଲିଟର ପାଣିରେ ମିଶ୍ରଣ କରି ସିଞ୍ଚନ କରନ୍ତୁ।

**ହରଡ଼ :**

**ଅମଳ ପରବର୍ତୀ ଯତ୍ନ:**

- ଫଳର ୨/୩ ରୁ ୩/୪ ଭାଗ ଚୋପା ମାଟିଆ ରଙ୍ଗର ହେଇଗଲେ ଏହା ଅମଳ ନିମନ୍ତେ ଉପଯୁକ୍ତ ସମୟ ଅଟେ ।
- ଅମଳ ହେଇଥିବା ଗଛ ଗୁଡ଼ିକୁ ୩-୫ ଦିନ ପର୍ଯ୍ୟନ୍ତ ଜମିରେ ଖରାରେ ଶୁଖାନ୍ତୁ ଓ ବାଡ଼ି ସାହାଯ୍ୟରେ କିମ୍ବା ପୁଲମେନ ଥ୍ରେସର ସାହାଯ୍ୟରେ ଚୋପା ରୁ ମଞ୍ଜି କୁ ଅଲଗା କରନ୍ତୁ।
- ମଞ୍ଜି କୁ ଦୀର୍ଘଦିନ ସୁରକ୍ଷିତ ସାଇତି ରଖିବା ନିମନ୍ତେ ମଞ୍ଜି ଚୋପାରୁ ଅଲଗା କରିଲା ପରେ ତାହାକୁ ଖରାରେ ୩-୪ ଦିନ ପର୍ଯ୍ୟନ୍ତ ଶୁଖିବାକୁ ଦିଅନ୍ତୁ ଯେପରିକି ମଞ୍ଜିରେ ଥିବା ଜଳୀୟଂଶ ୯-୧୦% ରହିବ।

**ସୂର୍ଯ୍ୟମୁଖୀ:**

**ରୋଗ ଓ କୀଟ ପରିଚାଳନା:**

- **ଶୋଷକ କୀଟ ସମୂହ (ଜଉ ପୋକ, ପତ୍ରଡିଆଁ ପୋକ, ଉକୁଣିଆ ପୋକ ଓ ଧଳାମାଛି):** ପ୍ରତିକାର ପାଇଁ ୩ ଗ୍ରାମ ଏସିଟାମିପ୍ରିଡ କିମ୍ବା ୪ ଗ୍ରାମ ଥାୟୋମେଥୋକଜାମ କୁ ପ୍ରତି ୧୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ।
- **ସୂର୍ଯ୍ୟମୁଖୀ କଢ ସୁଡ଼ଙ୍ଗୀ ପୋକ:** ପ୍ରତିକାର ପାଇଁ ପ୍ରତି ଏକ ଲିଟର ପାଣିରେ ୧.୫ ଗ୍ରାମ ବାସିଲୁସ ଥୁରିନଜିନସିସ (ଉପଜାତି-କୁରଷ୍ଟାକି) ୫% ଡବ୍ଲ୍ୟୁ.ପି କୁ ମିଶ୍ରଣ କରି ସିଞ୍ଚନ କରନ୍ତୁ।
- **ପାଉଁଶିଆ ରୋଗ:** ପ୍ରତିକାର ପାଇଁ ୧ ମିଲିଗ୍ରାମ ପ୍ରୋପିକୋନାଜୋଲ ୨୫% ଇ.ସି କୁ ୧ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ।
- **ଫୁଲ ସଢା ରୋଗ:** ପ୍ରତିକାର ପାଇଁ ୩ ଗ୍ରାମ କପରଅକ୍ସିକ୍ଲୋରାଇଡ ୫୦% ଦବ୍ଲ୍ୟୁ. ପି. କୁ ପ୍ରତି ଏକ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ।

**ପନିପରିବା :**

**ପିଆଜ:**

- ବର୍ତମାନ ଖରିଫ ପିଆଜ ଏବେ ପିଆଜର ଆକାର ବୃଦ୍ଧି ଅବସ୍ଥା ରେ ଅଛି। ତେଣୁ ଅମଳର ଅନ୍ୟୁନ ୧୫ ଦିନ ପୂର୍ବରୁ ଜଳସେଚନ ବନ୍ଦ କରନ୍ତୁ।
- ଖରାଟିଆ ପିଆଜ ଏବେ ଅଙ୍ଗୀୟ ଅବସ୍ଥାରେ ଅଛି। ତେଣୁ ମାଟି ଖୋଳି ଘାସ ବାଛି ଦିଅନ୍ତୁ ଏବଂ ଦ୍ୱିତୀୟ କିସ୍ତି ସାର ହସିବାରେ ଏକର ପିଛା ୟୁରିଆ ୩୫ କି.ଗ୍ରା. ଓ ଏମଓପି ୧୮ କି.ଗ୍ରା. ପ୍ରୟୋଗ କରିବା ସହିତ ହୁଡ଼ାଟେକି ଜଳସେଚନ ର ବ୍ୟବସ୍ଥା କରନ୍ତୁ।

**ଟମାଟୋ:**

**ରୋଗ ଓ କୀଟ ପରିଚାଳନା:**

- **ଫଳ ଓ କାଣ୍ଡବିନ୍ଧା ପୋକ :** ନିୟନ୍ତ୍ରଣ ପାଇଁ ଏକର ପ୍ରତି ଦୁଇଟି ଲେଖାଏଁ ଫେରୋମୋନ ଟ୍ରାପ ବ୍ୟବହାର କରନ୍ତୁ ନଚେତ ପ୍ରତି ୧୫ ଧାଡ଼ି ବ୍ୟବଧାନରେ ଗେଣ୍ଡୁଫୁଲ କୁ ଅନ୍ତ ଫସଲ ରୂପେ ଲଗାନ୍ତୁ। ରାସାୟନିକ ଉପାୟରେ ନିୟନ୍ତ୍ରଣ ପାଇଁ ୩ ମି.ଲି କ୍ଲୋରାନଟ୍ରାନିଲିପ୍ରୋଲ ୧୮.୫%ଏସ.ସି କିମ୍ବା ୧୦ ମି.ଲି. ଇନଡୋକ୍ସାକାର୍ବ ୧୪.୫% ଏସ.ସି କୁ ପ୍ରତି ୧୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ।
- **ପତ୍ରଦାଗ/ପାଉଁଶିଆ ରୋଗ:** ପ୍ରତି ଏକ ଲିଟର ପାଣିରେ ୬ ଗ୍ରାମ ଆଜୋକ୍ସିଷ୍ଟ୍ରୋବିନ ୪.୮% + କ୍ଲୋରୋଥାଲୋନିଲ ୪୦% ଏସ.ସି କୁ ମିଶ୍ରଣ କରି ସିଞ୍ଚନ କରନ୍ତୁ।
- **ଝାଉଁଳା ଓ ପତ୍ର ପୋଡ଼ା ରୋଗ:** ନିୟନ୍ତ୍ରଣ ପାଇଁ ପ୍ରତି ଏକ ଲିଟର ପାଣିରେ ୧ ଗ୍ରାମ କରବେନଡାଜିମ ସହିତ ୧ଗ୍ରାମ ପ୍ଲାନଟୋମାଇସିନ କୁ ମିଶ୍ରଣ କରି ଗଛ ମୂଳରେ ସିଞ୍ଚନ କରନ୍ତୁ।

**ଫୁଲ କୋବି ଓ ବନ୍ଧା କୋବି:**

**କୀଟ ପରିଚାଳନା:**

- **ଠିକିରି ପିଠିଆ ପ୍ରଜାପତି ପୋକ:** ନିୟନ୍ତ୍ରଣ ପାଇଁ ପ୍ରତି ଲିଟର ପାଣିରେ ୨ ମି.ଲି ଫିପ୍ରୋନିଲ୍ ୫% ଏସ.ସି କିମ୍ବା ୪ ମି.ଲି କ୍ଲୋରୋପାଇଫୋସ୍ ୨୦ % ଇ.ସି କୁ ମିଶ୍ରଣ କରି ସିଞ୍ଚନ କରନ୍ତୁ।
- **ତମ୍ବାଖୁ ପତ୍ରଖିଆ ପୋକ:** ନିୟନ୍ତ୍ରଣ ପାଇଁ ୬ ମି.ଲି ସିନଟ୍ରାନିଲିପ୍ରୋଲ ୧୦.୨୬% ଓ.ଡି କୁ ୫ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ ।
- **ଜଉ ପୋକ:** ନିୟନ୍ତ୍ରଣ ପାଇଁ ପ୍ରତି ୫ ଲିଟର ପାଣିରେ ୧ ଗ୍ରା. ଥିଓମେଥୋକ୍ସମ୍ ୨୫ ଡବ୍ଲ୍ୟୁ.ଜି **କୁ** ମିଶାଇ ସିଞ୍ଚନ କରନ୍ତୁ ।

**ଲଙ୍କା :**

**ରୋଗ ଓ କୀଟ ପରିଚାଳନା:**

- ବର୍ତମାନ ଗଛରେ ଉକୁଣିଆ ପୋକ ଓ ଫଳସଢ଼ା ରୋଗ ର ସଂକ୍ରମଣ ଲକ୍ଷ୍ୟ କରାଯାଇଛି | ଉକୁଣିଆ ପୋକ ଦ୍ୱାରା ଗଛ ର ପତ୍ରଗୁଡିକ ଉପରକୁ କୁଞ୍ଚିତ ହେଇଥାଏ | ଫଳସଢ଼ା ରୋଗ ହେଇଥିଲେ ଫଳ ରେ ଗୋଲାକାର ତଥା ତୀକ୍ଷ୍ଣ କୋଣଯୁକ୍ତ କ୍ଷତ ପରିଲିକ୍ଷିତ ହୋଇଥାଏ।
- **ଉକୁଣିଆ ପୋକ**: ନିୟନ୍ତ୍ରଣ ପାଇଁ ଏକର ପିଛା ୮ଟି ଅଠାଳିଆ ନୀଳ ଯନ୍ତା ଲଗାନ୍ତୁ । ରାସାୟନିକ ଉପାୟରେ ସଂକ୍ରମଣ ରୋକିବା ପାଇଁ ପ୍ରତି ୫ ଲିଟର ପାଣିରେ ଇମାମେକ୍ଟିନବେଞ୍ଜୋଏଟ୍ ୫% ଏସ୍.ଜି. ୨ ଗ୍ରା. କିମ୍ବା ଫିପ୍ରୋନିଲ୍ ୫% ଏସ୍.ସି. ୧୦ ମି.ଲି. କିମ୍ବା ଇମିଡ଼ାକ୍ଲୋପ୍ରିଡ୍ ୧୭.୮% ଏସ୍.ଏଲ୍. ୧.୫ ମି.ଲି ହିସାବରେ ମିଶ୍ରଣ କରି ସିଞ୍ଚନ କରନ୍ତୁ।
- **ଫଳସଢ଼ା ରୋଗ**: ପ୍ରତିକାର ପାଇଁ ଏକ ଲିଟର ପାଣିରେ ଆଜୋକ୍ସିଷ୍ଟ୍ରୋବିନ୍ ୮.୩% + ମଙ୍କୋଜେବ ୬୬.୭% ଡବ୍ଲୁ.ଜି ୩ ଗ୍ରାମ୍ କିମ୍ବା ଟେବୁକୋନାଜୋଲ ୫୦% + ଟ୍ରାଇଫ୍ଲୋକ୍ସିଷ୍ଟ୍ରୋବିନ୍ ୨୫% ଡବ୍ଲୁ.ଜି ୦.୫ ଗ୍ରା. ହିସାବରେ ମିଶ୍ରଣ କରି ସିଞ୍ଚନ କରନ୍ତୁ।

**ପଶୁପାଳନ:**

- **ଗାଈ ଓ ମଇଁଷି :** ଦୁଗ୍ଧ ଦେଉଥିବା ପ୍ରାଣୀ ମାନଙ୍କୁ ପର୍ଯ୍ୟାପ୍ତ ପରିମାଣର ଦାନା ଓ ସବୁଜ ଘାସ ଯୋଗାଇ ଦିଅନ୍ତୁ।
- **କୁକୁଡ଼ା:** କୁକୁଡ଼ା ଚିଆଁ ମାନଙ୍କୁ ଆବଶ୍ୟକୀୟ ଟୀକାକରଣ କରିବା ସଙ୍ଗେ ସଙ୍ଗେ ପ୍ରଥମ ୨ ରୁ ୩ ସପ୍ତାହ ପର୍ଯ୍ୟନ୍ତ ଉପଯୁକ୍ତ ତାପମାତ୍ରା ପ୍ରଦାନ କରନ୍ତୁ। କୁକୁଡ଼ା ଘରକୁ ନିୟମିତ ଭାବେ ସଫା ରଖନ୍ତୁ ଓ ଚଟଣାକୁ ଆର୍ଦ୍ରତା ମୁକ୍ତ କରନ୍ତୁ।
- **ଛେଳି:** ଶୀତଦିନିଆ ଥଣ୍ଡା ପବନ ଓ ସନ୍ତସନ୍ତିଆ ଚଟାଣ ଠାରୁ ସୁରକ୍ଷା ପ୍ରଦାନ କରନ୍ତୁ। ୨ ରୁ ୩ ମାସର ଛେଳି ଛୁଆମାନଙ୍କୁ ପ୍ରତିଦିନ ୫୦ ରୁ ୧୦୦ ଗ୍ରାମ ଦାନା ଖାଦ୍ୟ ଯୋଗାଇ ଦିଅନ୍ତୁ। ଏହାଦ୍ୱାରା ଛୁଆମାନଙ୍କର ସଠିକ ଶାରୀରିକ ବୃଦ୍ଧି ହେଇଥାଏ।

ନୋଡାଲ ଅଫିସର
ଗ୍ରାମୀଣ କୃଷି ମୌସମ ସେବା , ଭବାନୀପାଟଣା

ବି.ଦ୍ର.:- ସ୍ଥାନୀୟ ପାଣିପାଗ ସମ୍ବନ୍ଧୀୟ ତଥ୍ୟ ପାଇଁ "ମଉସମ", ପାଣିପାଗ ଭିତିକ କୃଷି ସୂଚନା ପାଇଁ "ମେଘଦୂତ" ଓ ବିଜୁଳି ସତର୍କ ସୂଚନା ପାଇଁ "ଦାମିନୀ" ମୋବାଇଲ ଆପ୍ଲିକେସନ ବ୍ୟବହାର କରନ୍ତୁ।
କୃଷିରେ ଅଧିକତର ଲାଭ ନିମନ୍ତେ ଓୟୁଏଟି କଳିଙ୍ଗ ଦ୍ରବ୍ୟ ବ୍ୟବହାର କରନ୍ତୁ (ବିହନ, ଚାରା ଓ ଗୁଣାତ୍ମକ ବୃକ୍ଷରୋପଣ ସାମଗ୍ରୀ, ଟିସୁ କଲ୍ଚର ଚାରା, ଫଳ ଓ ପନିପରିବା, ମୂଲ୍ୟଯୁକ୍ତ ଉତ୍ପାଦ , ଅଙ୍ଗୁଳିକା ଯାଆଁଳ/ ବର୍ଷିକୀୟା ଯାଆଁଳ, କୁକୁଡ଼ା ଚିଆଁ, ପଶୁ ପ୍ରଜାତି, ଛତୁ ଓ ମଞ୍ଜି , ଜୀବାଣୁ ସାର , ଜୈବିକ କୀଟନାଶକ , ଜିଆ ଓ ଜିଆଖତ ଏବଂ କୃଷି ଯନ୍ତ୍ରପାତି).
ଭାରତୀୟ ପାଣିପାଗ ସଂସ୍ଥା ର ପାଣିପାଗ ଆକଳନ ଓ କୃଷିପାଣିପାଗ ଜନିତ ସୂଚନା ଏବେ ଉଭୟ ଓଡ଼ିଆ ଓ ଇଂରାଜୀ ଭାଷାରେ ମେଘଦୂତ ଆପ ରେ ଉପଲବ୍ଧ । ଆପ ଡାଉନଲୋଡ କରିବା ପାଇଁ ନିମ୍ନ ଲିଙ୍କରେ କ୍ଲିକ କରନ୍ତୁ ।
**(Android: https://play.google.com/store/apps/details?id=com.aas.meghdoot), (iOS: https://apps.apple.com/in/app/meghdoot/id1474048155)**